# REGIONAL NEWS UNIT, AIR CUTTACK

## Mid-day Bulletin (2.32PM)

### 7 February - 2025

### News Editor : Tapan Kumar Maharana

************************************

## ମୁଖ୍ୟ ସମ୍ବାଦ

- ରାଜ୍ୟସ୍ତରୀୟ ନିଯୁକ୍ତିମେଳାରେ ଆଜି ୬ ହଜାର ୩୯୦ ଜଣଙ୍କୁ ନିଯୁକ୍ତିପତ୍ର ପ୍ରଦାନ କରିବେ ମୁଖ୍ୟମନ୍ତ୍ରୀ
- ସୁଭଦ୍ରା ଯୋଜନାର ପ୍ରଥମ କିସ୍ତିର ଚତୁର୍ଥ ପର୍ଯ୍ୟାୟ ସହାୟତା ରାଶି ଆସନ୍ତାକାଲି ପ୍ରଦାନ କରାଯିବ କହିଲେ, ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା
- ଭୁବନେଶ୍ୱର ଲୋକସେବା ଭବନରେ ଆଜି ଅନୁଷ୍ଠିତ ହେବ କ୍ୟାବିନେଟ୍ ବୈଠକ

ଏବଂ

- ବାରବାଟୀ ଷ୍ଟାଡିୟମ୍‌ରେ ଆସନ୍ତା ରବିବାର ଭାରତ-ଇଂଲଣ୍ଡ ଏକଦିବସୀୟ ମ୍ୟାଚ୍ ନିମନ୍ତେ ଚୂଡାନ୍ତ ପର୍ଯ୍ୟାୟରେ ପ୍ରସ୍ତୁତି

## ନିଯୁକ୍ତି ମେଳା

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଭୁବନେଶ୍ୱରସ୍ଥିତ ୟୁନିଟ୍-୩ କ୍ୟାପିଟାଲ୍ ହାଇସ୍କୁଲ ପଡିଆଠାରେ ରାଜ୍ୟସ୍ତରୀୟ ନିଯୁକ୍ତି ମେଳାରେ ବିଭିନ୍ନ ବିଭାଗର ୬ ହଜାର ୩୯୦ ଜଣଙ୍କୁ ନିଯୁକ୍ତିପତ୍ର ପ୍ରଦାନ କରିବେ । ଏହି ନିଯୁକ୍ତି ମଧ୍ୟରେ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗରେ ୨ ହଜାର ୭ ଶହ ସତଷଠୀ ଜଣ ଥିବାବେଳେ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗର ୨ ହଜାର ୭୫୩ ଜଣ, ବହୁମୁଖୀ ମହିଳା ସ୍ୱାସ୍ଥ୍ୟକର୍ମୀଙ୍କୁ ମୁଖ୍ୟମନ୍ତ୍ରୀ ନିଯୁକ୍ତିପତ୍ର ପ୍ରଦାନ କରିବେ। ସେହିପରି ଅର୍ଥ ବିଭାଗର ୧୩୦ ଜଣ, ଜଳସମ୍ପଦ ବିଭାଗର ୫୭ ଜଣ, ଅନୁସୂଚିତ ଜାତି, ଜନଜାତି ଓ ସଂଖ୍ୟାଲଘୁ ସମ୍ପ୍ରଦାୟ ବିଭାଗର ୧୦୪ ଜଣ, ଖାଦ୍ୟ ଓ ଯୋଗାଣ ବିଭାଗର ୩୭ ଜଣ, ମତ୍ସ୍ୟ ଓ ପ୍ରାଣୀସମ୍ପଦ ବିଭାଗର ୨୩୨ ଜଣ, ଗୃହନିର୍ମାଣ ବିଭାଗର ୬୨ ଜଣ ଓ ସରକାରୀ ଶିଳ୍ପ ତାଲିମ୍ ଅନୁଷ୍ଠାନର ୧୨୩ ଜଣଙ୍କୁ ନିଯୁକ୍ତିପତ୍ର ପ୍ରଦାନ କରାଯିବ। ବିକଶିତ ଭାରତ ଗଠନ ଲକ୍ଷ୍ୟରେ ସମୃଦ୍ଧ, ସଶକ୍ତ ଓ ବିକଶିତ ଓଡ଼ିଶା ନିର୍ମାଣ ସହ ଯୁବଶକ୍ତିଙ୍କୁ ସୁଯୋଗ ଦେବା ପାଇଁ ନିଯୁକ୍ତି ମେଳାର ଆୟୋଜନ କରାଯାଉଛି ବୋଲି ସରକାରଙ୍କ ପକ୍ଷରୁ କୁହାଯାଇଛି ।

## ସୁଭଦ୍ରା ଯୋଜନା

ସୁଭଦ୍ରା ଯୋଜନାର ପ୍ରଥମ କିସ୍ତିର ଚତୁର୍ଥ ପର୍ଯ୍ୟାୟ ସହାୟତାରାଶି ଆସନ୍ତାକାଲି ପ୍ରଦାନ କରାଯିବ। ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା କହିଛନ୍ତି, ଯାଜପୁର ଜିଲ୍ଲାରେ ଏକ ସ୍ୱତନ୍ତ୍ର ଉତ୍ସବରେ ଏହି ଯୋଜନାର ସହାୟତାରାଶି ଦିଆଯିବ। ଏହି ପର୍ଯ୍ୟାୟରେ ୧୮ ଲକ୍ଷରୁ ଊର୍ଦ୍ଧ୍ୱ ହିତାଧିକାରୀଙ୍କ ବ୍ୟାଙ୍କ ଖାତାକୁ ଅର୍ଥ ହସ୍ତାନ୍ତର କରାଯିବା ନେଇ ଉପମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡା କହିଛନ୍ତି।

**- V/O -**

ସୂଚନାଯୋଗ୍ୟ, ଏହି ପର୍ଯ୍ୟାୟ ଟଙ୍କା ପ୍ରଦାନ ପରେ ହିତାଧିକାରୀଙ୍କ ସଂଖ୍ୟା ୯୮ ଲକ୍ଷକୁ ବୃଦ୍ଧି ପାଇବ। ଆସନ୍ତା ମାର୍ଚ୍ଚ ମାସ ୮ ତାରିଖରେ ସୁଭଦ୍ରା ଯୋଜନାର ଦ୍ୱିତୀୟ କିସ୍ତିର ପ୍ରଥମ ପର୍ଯ୍ୟାୟ ଟଙ୍କା ଦିଆଯିବ ବୋଲି ସରକାର ଘୋଷଣା କରିଛନ୍ତି।

## ପରୀକ୍ଷା ପେ ଚର୍ଚ୍ଚା

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତା ୧୦ ତାରିଖ ଦିନ ପୂର୍ବାହ୍ଣ ୧୧ଟା ସମୟରେ 'ପରୀକ୍ଷା ପେ ଚର୍ଚ୍ଚା' କାର୍ଯ୍ୟକ୍ରମରେ ଦେଶବ୍ୟାପୀ ଛାତ୍ରଛାତ୍ରୀଙ୍କ ସହିତ ସିଧାସଳଖ ଆଲୋଚନା କରିବେ। 'ପରୀକ୍ଷା ପେ ଚର୍ଚ୍ଚା-୨୦୨୫' ୮ଟି ପର୍ଯ୍ୟାୟ ଆଧାରିତ। ପ୍ରଧାନମନ୍ତ୍ରୀଙ୍କ ସହ ପ୍ରଥମ ଆଲୋଚନା ସିଧାସଳଖ ଭାବେ ଦୂରଦର୍ଶନ, ସ୍ୱୟଂ, ସ୍ୱୟଂପ୍ରଭା, ପିଏମ୍‌ଓ-ୟୁଟ୍ୟୁବ୍

ଚ୍ୟାନେଲ୍ ଓ ଶିକ୍ଷା ମନ୍ତ୍ରଣାଳୟ ଏବଂ ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟର ସାମାଜିକ ଗଣମାଧ୍ୟମ ଚ୍ୟାନେଲ୍‌ରେ ପ୍ରସାରିତ ହେବ। ଛାତ୍ରଛାତ୍ରୀଙ୍କୁ ମାର୍ଗଦର୍ଶନ ଦେବାପାଇଁ ମାନସିକ ସ୍ୱାସ୍ଥ୍ୟଠାରୁ ଆରମ୍ଭ କରି ପ୍ରଯୁକ୍ତିବିଦ୍ୟା ତଥା ବିଭିନ୍ନ କ୍ଷେତ୍ରର ବିଶେଷଜ୍ଞମାନେ 'ପରୀକ୍ଷା ପେ ଚର୍ଚ୍ଚା' କାର୍ଯ୍ୟକ୍ରମରେ ମଧ୍ୟ ଛାତ୍ରଛାତ୍ରୀଙ୍କ ସହ ଆଲୋଚନା କରିବେ। ଚଳିତବର୍ଷ ପ୍ରତ୍ୟେକ ରାଜ୍ୟ ତଥା କେନ୍ଦ୍ରଶାସିତ ଅଂଚଳରୁ ୩୬ ଜଣ ଲେଖାଏଁ ଛାତ୍ରଛାତ୍ରୀ ସିଧାସଳଖ ପ୍ରଧାନମନ୍ତ୍ରୀଙ୍କ ସହ ଯୋଡିହେବେ। ଏହି ସଂସ୍କରଣକୁ ଭାରତର ବିବିଧତା ଏବଂ ଅନ୍ତର୍ଭୁକ୍ତିର ପ୍ରକୃତ ପ୍ରତିଫଳନ ଭାବେ ବିବେଚନା କରାଯାଉଛି।

## ଫାଇଲେରିଆ ଦୂରୀକରଣ

ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ ପକ୍ଷରୁ ଆସନ୍ତା ୧୦ ତାରିଖରୁ ରାଜ୍ୟର ୬ଟି ଫାଇଲେରିଆ ପ୍ରବଣ ଜିଲ୍ଲାରେ ଲିମ୍ଫାଟିକ୍ ଫାଇଲେରିଆ ଦୂରୀକରଣ ପାଇଁ ଔଷଧ ସେବନ କାର୍ଯ୍ୟକ୍ରମ ଆରମ୍ଭ ହେବ। ଏହି ସାମୂହିକ ଔଷଧ ସେବନ କାର୍ଯ୍ୟକ୍ରମ ୧୯ ତାରିଖ ପର୍ଯ୍ୟନ୍ତ ଜାରି ରହିବ। ଏଥିରେ ଲୋକଙ୍କୁ ଫାଇଲେରିଆ ରୋଗର କାରଣ ଓ ନିରାକରଣ ସଂପର୍କରେ ସଚେତନ କରାଯିବ । ବଲାଙ୍ଗିର, କଟକ, କଳାହାଣ୍ଡି, କନ୍ଧମାଳ, ନୟାଗଡ଼ ଓ ରାୟଗଡ଼ା ଜିଲ୍ଲାରେ କାର୍ଯ୍ୟକ୍ରମ ହେବ ବୋଲି ବିଭାଗ ପକ୍ଷରୁ କୁହାଯାଇଛି ।

ଫାଇଲେରିଆ ନିରାକରଣ ଅଭିଯାନ ନିମେନ୍ତ **କନ୍ଧମାଳ** ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ପରିସରରେ ଅନୁଷ୍ଠିତ ଜିଲ୍ଲା ସ୍ୱାସ୍ଥ୍ୟ ସମିତିର ସାମ୍ବାଦିକ ସମ୍ମିଳନୀରେ ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ ଡକ୍ଟର କଲ୍ୟାଣୀ ମିଶ୍ର କହିଛନ୍ତି, ଜିଲ୍ଲାର ମୋଟ୍ ୧୨ଗୋଟି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର, ୧୭୧ଟି ଉପକେନ୍ଦ୍ରରେ ଏହି କାର୍ଯ୍ୟକ୍ରମକୁ ସୁବ୍ୟବସ୍ଥିତ କରିବା ପାଇଁ ପଦକ୍ଷେପ ନିଆଯିବ। ୨୧ ଲକ୍ଷ ୯ ହଜାର ୧୪୩ଟି ଡି.ଇ.ସି. ଏବଂ ୮ ଲକ୍ଷ ୪୩ ହଜାର ୮୫୭ ଆଲ୍‌ବେଣ୍ଡାଜୋଲ୍ ଔଷଧର ବ୍ୟବସ୍ଥା କରାଯାଇଛି।

## କ୍ୟାବିନେଟ୍

ଭୁବନେଶ୍ୱରସ୍ଥିତ ଲୋକସେବା ଭବନରେ ଆଜି ଅପରାହ୍ଣରେ ରାଜ୍ୟ କ୍ୟାବିନେଟ୍‌ର ଗୁରୁତ୍ୱପୂର୍ଣ୍ଣ ବୈଠକ ଅନୁଷ୍ଠିତ ହେବ। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ହେବାକୁ ଥିବା କ୍ୟାବିନେଟ୍ ବୈଠକରେ ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ପ୍ରସ୍ତାବକୁ ଅନୁମୋଦନ ମିଳିବା ନେଇ ସୂଚନା ରହିଛି। ଆସନ୍ତା ୧୩ ତାରିଖରୁ ବିଧାନସଭାର ବଜେଟ୍ ଅଧିବେଶନ ଆରମ୍ଭ ହେବାକୁ ଥିବାରୁ, ୨୦୨୫-୨୬ ଆର୍ଥିକବର୍ଷର ବଜେଟ୍ ଚିଠା ପ୍ରସ୍ତାବ ସମେତ ବିଧାନସଭାରେ ଆଗତ ହେବାକୁ ଥିବା ବିଭିନ୍ନ ବିଲ୍‌କୁ ଆଜିର କ୍ୟାବିନେଟ୍ ବୈଠକରେ ଉପସ୍ଥାପନ କରାଯିବ। କ୍ୟାବିନେଟ୍ ବୈଠକରେ ରାଜ୍ୟ ମନ୍ତ୍ରୀମଣ୍ଡଳର ସମସ୍ତ ସଦସ୍ୟ ଓ ସଚିବମାନେ ଉପସ୍ଥିତ ରହିବେ। ବୈଠକ ପରେ ମନ୍ତ୍ରୀ ପରିଷଦ ବୈଠକ ହେବା ନେଇ କାର୍ଯ୍ୟକ୍ରମ ରହିଛି।

## ରତ୍ନଭଣ୍ଡାର ମରାମତି କାର୍ଯ୍ୟ

**ପୁରୀ** ଶ୍ରୀମନ୍ଦିର ରତ୍ନଭଣ୍ଡାରର ମରାମତି କାର୍ଯ୍ୟ ଆଜିଠାରୁ ପୁନର୍ବାର ଆରମ୍ଭ ହୋଇଛି। ସରସ୍ୱତୀ ପୂଜା ଓ ମହାପ୍ରଭୁଙ୍କର ବନକଲାଗି ନୀତି ପାଇଁ ରତ୍ନଭଣ୍ଡାର ମରାମତି କାର୍ଯ୍ୟ ବନ୍ଦ ରଖାଯାଇଥିଲା। ରାଜ୍ୟ ସରକାରଙ୍କ ମାର୍ଗଦର୍ଶିକା ଅନୁଯାୟୀ, ପୁନର୍ବାର ଏ.ଏସ୍.ଆଇ. ଭଣ୍ଡାର ଘର ମରାମତି କାର୍ଯ୍ୟ ଆଜିଠାରୁ ଜାରି ରଖିବ। ଦ୍ୱିତୀୟ ଭୋଗମଣ୍ଡପ ନୀତି ପରେ ରତ୍ନଭଣ୍ଡାର ମରାମତି କାର୍ଯ୍ୟ କରାଯିବ।

## ଶ୍ମଶାନର ପୁନରୁଦ୍ଧାର

ଭୁବନେଶ୍ୱର ଡୁମ୍‌ଡୁମା ଶ୍ମଶାନର ପୁନରୁଦ୍ଧାର ଏବଂ ପଟିଆ କାନନ ବିହାର ଶ୍ମଶାନ ପାଇଁ ଗୃହ ଓ ନଗର ଉନ୍ନୟନ ମନ୍ତ୍ରୀ କୃଷ୍ଣଚନ୍ଦ୍ର ମହାପାତ୍ର ଭିତ୍ତିପ୍ରସ୍ତର ସ୍ଥାପନ କରିଛନ୍ତି। ଭୁବନେଶ୍ୱରବାସୀଙ୍କ ଆବଶ୍ୟକତାକୁ ଦୃଷ୍ଟିରେ ରଖି ଆଜି ୨ଟି ଶ୍ମଶାନର ଭିତ୍ତିପ୍ରସ୍ତର ସ୍ଥାପନ ହୋଇଛି।  ଡୁମ୍‌ଡୁମା ଶ୍ମଶାନ ପାଇଁ ୪ କୋଟି ୬୦ ଲକ୍ଷ ଏବଂ ପଟିଆ କାନନବିହାରରେ ହେବାକୁ ଥିବା ଶ୍ମଶାନ ପାଇଁ ୬ କୋଟି ୬୫ ଲକ୍ଷ ଟଙ୍କା ବ୍ୟୟବରାଦ ହୋଇଛି। ଆସନ୍ତା ୯ ମାସ ମଧ୍ୟରେ ସମସ୍ତ କାର୍ଯ୍ୟ ସମ୍ପୂର୍ଣ୍ଣ ହେବ ବୋଲି ମନ୍ତ୍ରୀ କହିଛନ୍ତି।

## ପର୍ଯ୍ୟଟନସ୍ଥଳି ସମୀକ୍ଷା

ରାଜ୍ୟ ପର୍ଯ୍ୟଟନ ବିଭାଗର ଏକ ସ୍ୱତନ୍ତ୍ର ଟିମ୍ ବିଧାୟକ ଦୁଷ୍ମନ୍ତ କୁମାର ସ୍ୱାଇଁଙ୍କ ନେତୃତ୍ୱରେ **ନୟାଗଡ଼** ଜିଲ୍ଲାରେ ଆଜି  ବିଭିନ୍ନ ପର୍ଯ୍ୟଟନସ୍ଥଳି ପରିଦର୍ଶନ କରିବା ସହ ସ୍ଥିତି ସମୀକ୍ଷା କରିଛନ୍ତି। ଏକାଧିକ ପର୍ଯ୍ୟଟନସ୍ଥଳି ବିକାଶ ପାଇଁ ତ୍ୱରିତ ପଦକ୍ଷେପ ଗ୍ରହଣ କରାଯିବା ସହିତ ଆଗାମୀ ଦିନରେ ଏଥିପାଇଁ ସ୍ୱତନ୍ତ୍ର ଅନୁଦାନ ରାଶି ମଞ୍ଜୁର କରାଯିବ ବୋଲି ଶ୍ରୀ ସ୍ୱାଇଁ କହିଛନ୍ତି। ଏହି ପରିଦର୍ଶନରେ ଖୋର୍ଦ୍ଧା ଜିଲ୍ଲା ପର୍ଯ୍ୟଟନ ଅଧିକାରୀ ମୀରାବାଇ ବେହେରା, ଖଣ୍ଡପଡା ବିଡିଓଙ୍କ ସମେତ ପର୍ଯ୍ୟଟନ ବିଭାଗର ବହୁ ବରିଷ୍ଠ ଅଧିକାରୀ ଯୋଗଦେଇଥିଲେ।

## ମାଟ୍ରିକ୍

ଓଡ଼ିଶା ମାଧ୍ୟମିକ ଶିକ୍ଷା ପରିଷଦ ଦ୍ୱାରା ଆସନ୍ତା ୨୧ତାରିଖରୁ ଆରମ୍ଭ ହେବାକୁଥିବା ମାଟ୍ରିକ ପରୀକ୍ଷା ପାଇଁ  ବିଭାଗ ପକ୍ଷରୁ ସମସ୍ତ ପ୍ରସ୍ତୁତି ସରିଛି ବୋଲି ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ କହିଛନ୍ତି। ପରୀକ୍ଷାକୁ ଶୃଙ୍ଖଳିତ ଓ କପିକୁ ରୋକିବା ପାଇଁ ସ୍ୱତନ୍ତ୍ର ବ୍ୟବସ୍ଥା ସହ ପରୀକ୍ଷା ପରିଚାଳନା ପାଇଁ ସ୍କ୍ୱାଡ୍ ମଧ୍ୟ ଗଠନ କରାଯାଇଛି ବୋଲି ମନ୍ତ୍ରୀ କହିଛନ୍ତି।

ସୂଚନା ଅନୁଯାୟୀ, ୧୨ରୁ ୧୯ ତାରିଖ ମଧ୍ୟରେ ସମସ୍ତ ନୋଡାଲ୍ କେନ୍ଦ୍ରରେ ପ୍ରଶ୍ନପତ୍ର ପହଞ୍ଚିବ। ଚାରିସ୍ତରୀୟ ସ୍କ୍ୱାଡ୍ ବ୍ୟବସ୍ଥା ସହ ମୋଟ୍ ୧୭୨ଟି ଟିମ୍ ଗଠନ କରାଯାଇଛି। ଚଳିତବର୍ଷ ୩୦ଟି ଜିଲ୍ଲାର ୩ ହଜାର ୨୯ଟି ପରୀକ୍ଷା କେନ୍ଦ୍ରରେ ୫ଲକ୍ଷ ୨୦ହଜାର ୬୪୯ଜଣ ପରୀକ୍ଷା ଦେବେ ।

## ସୁଗମ୍ୟ ଯାତ୍ରା

ଦିବ୍ୟାଙ୍ଗମାନଙ୍କୁ ମେଡିକାଲ ଓ ସମସ୍ତ ସରକାରୀ କାର୍ଯ୍ୟାଳୟରେ ସୁବିଧାରେ ପହଞ୍ଚାଇବା ପାଇଁ ଆଜି ରାଜ୍ୟରେ 'ସୁଗମ୍ୟ ଯାତ୍ରା' କାର୍ଯ୍ୟକ୍ରମର ଆରମ୍ଭ କରାଯାଇଛି। ଭୁବନେଶ୍ୱରସ୍ଥିତ ତୋଷାଳୀ ଭବନରେ ଭିନ୍ନକ୍ଷମ ଓ ସଶକ୍ତୀକରଣ ବିଭାଗ ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ଏହାର ଶୁଭାରମ୍ଭ କରି କହିଛନ୍ତି, ଭୁବନେଶ୍ୱରରେ ୩ଟି ଜୋନ୍ ପାଇଁ ୩ଟି ଟିମ୍ ଗଠନ କରାଯାଇଛି। ଏହି ଟିମ୍‌ଗୁଡ଼ିକ ବିଭିନ୍ନ ସରକାରୀ କାର୍ଯ୍ୟାଳୟ ପରିଦର୍ଶନ କରି ଦିବ୍ୟାଙ୍ଗଙ୍କ ପାଇଁ ହୋଇଥିବା ବ୍ୟବସ୍ଥାର ଅନୁଧ୍ୟାନ କରିବେ। ଟିମ୍ ରିପୋର୍ଟ ଦେବା ପରେ ଆବଶ୍ୟକସ୍ଥଳେ ଦିବ୍ୟାଙ୍ଗଙ୍କ ପାଇଁ ସରକାରୀ କାର୍ଯ୍ୟାଳୟରେ ବ୍ୟବସ୍ଥା କରାଯିବ। କାର୍ଯ୍ୟକ୍ରମର ତଦାରଖ ପାଇଁ ପ୍ରତ୍ୟେକ ଜିଲ୍ଲାରେ ଜିଲ୍ଲାପାଳମାନଙ୍କୁ ଦାୟିତ୍ୱ ଦିଆଯାଇଥିବା ମନ୍ତ୍ରୀ କହିଛନ୍ତି।

## ଝାଡାବାନ୍ତି

**କଟକ** ଜିଲ୍ଲା ବାଙ୍କୀ-ଡମପଡା ବ୍ଲକ୍ ଅନ୍ତର୍ଗତ ହରିରାଜପୁର ଗ୍ରାମପଂଚାୟତରେ ଗତ ୨ ଦିନ ଧରି ଝାଡାବାନ୍ତି ଆକ୍ରାନ୍ତଙ୍କ ସଂଖ୍ୟା ବୃଦ୍ଧି ପାଇବାରେ ଲାଗିଛି। ବିଷାକ୍ତ ପାଣି ପିଇ ୬୦ରୁ ଊର୍ଦ୍ଧ୍ୱ ଆକ୍ରାନ୍ତ ଡାକ୍ତରଖାନାରେ ଚିକିତ୍ସିତ ପରେ ଘରକୁ ଫେରିଥିବା ଜଣାପଡିଛି। ପୂର୍ବ ଅପେକ୍ଷା ସ୍ଥିତି ନିୟନ୍ତ୍ରଣାଧୀନ ରହିଥିବା ନେଇ ଜିଲ୍ଲା ସ୍ୱାସ୍ଥ୍ୟବିଭାଗ ପକ୍ଷରୁ ସୂଚନା ମିଳିଛି।

# ବାରବାଟୀ ମ୍ୟାଚ୍

କଟକ ବାରବାଟୀ ଷ୍ଟାଡିୟମରେ ଆସନ୍ତା ୯ ତାରିଖ ରବିବାରଦିନ ଅନୁଷ୍ଠିତ ହେବାକୁ ଥିବା ଭାରତ-ଇଂଲଣ୍ଡ ଏକଦିବସୀୟ କ୍ରିକେଟ ମ୍ୟାଚ୍ ପାଇଁ ପ୍ରସ୍ତୁତି ଚୂଡାନ୍ତ ପର୍ଯ୍ୟାୟରେ ପହଞ୍ଚିଛି। ଉଭୟ ଦଳ ଆଜି ଭୁବନେଶ୍ୱରରେ ପହଞ୍ଚିବେ ଏବଂ ଆସନ୍ତାକାଲି ବାରବାଟୀ ଷ୍ଟାଡିୟମରେ ଅଭ୍ୟାସ କରିବେ ବୋଲି ଆମ ସମ୍ବାଦଦାତା ଜଣାଇଛନ୍ତି। ମ୍ୟାଚ୍ ପାଇଁ ୫୦ ପ୍ଲାଟୁନ ପୋଲିସ ଫୋର୍ସ ମୁତୟନ କରାଯାଇଛି। ଖେଳାଳିଙ୍କ ସୁରକ୍ଷାକୁ ବିଶେଷ ଗୁରୁତ୍ୱ ଦିଆଯାଇଛି ବୋଲି ସାମ୍ବାଦିକ ସମ୍ମିଳନୀରେ ପୋଲିସ୍ କମିଶନର ଏସ୍.ଦେବଦତ୍ତ ସିଂ କହିଛନ୍ତି....

**- V/O -**

ଅପରପକ୍ଷରେ ମ୍ୟାଚ୍ ପାଇଁ ଅନ୍‌ଲାଇନ୍‌ରେ ଟିକେଟ୍ କିଣିଥିବା ଦର୍ଶକ ଆଜିଠାରୁ ସ୍ୱତନ୍ତ୍ର କାଉଣ୍ଟରରୁ ଟିକେଟ୍ ସଂଗ୍ରହ କରିପାରିବେ । ମ୍ୟାଚ୍ ପାଇଁ ଟିକେଟ୍ କଳାବଜାରୀ ଅଭିଯୋଗରେ ବିଭିନ୍ନ ସ୍ଥାନରୁ ମାମଲା ରୁଜୁ ସହ ଗିରଫଦାରୀ କରାଯାଇଥିବା କମିଶନରେଟ ପୋଲିସ୍ ପକ୍ଷରୁ ସୂଚନା ମିଳିଛି।